ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୬୦୨ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୧୬୨୯୪ରେ ପହଞ୍ଚିଲା - ସୁସ୍ଥ ହେଲେ ୧୪୮ ଜଣ ।

ଅନୁଗୋଳ, ତା.୦୧.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୬୦୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୨୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୩୭୪ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୧୦୨ଜଣ ( ୭୭ଜଣ ପୁରୁଷ ଓ ୨୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭୫ଜଣ ( ୫୫ଜଣ ପୁରୁଷ ଓ୨୦ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୬୪ଜଣ ( ୩୬ଜଣ ପୁରୁଷ ଓ ୨୮ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬୧ଜଣ ( ୪୧ଜଣ ପୁରୁଷ ଓ ୨୦ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ୫୯ ଜଣ ( ୩୫ଜଣ ପୁରୁଷ ଓ ୨୪ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୫୯ଜଣ ( ୪୬ଜଣ ପୁରୁଷ ଓ ୧୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୫୫ଜଣ ( ୩୩ଜଣ ପୁରୁଷ ଓ ୨୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୫୫ଜଣ (୩୫ ଜଣ ପୁରୁଷ ଓ ୨୦ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪୪ଜଣ ( ୨୯ଜଣ ପୁରୁଷ ଓ ୧୫ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୭ଜଣ ( ୭ଜଣ ପୁରୁଷ ଓ ୧୦ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୧ଜଣ ( ୯ଜଣ ପୁରୁଷ ଓ ୨ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୪୮ ଜଣ ସୁସ୍ଥ ହୋଇଛନ୍ତି ।

ଅପରାହ୍ନରେ  ଜିଲ୍ଲାପାଳ ତାଂକ କାର୍ଯ୍ୟାଳୟ ପ୍ରକୋଷ୍ଠରେ କରୋନା ସ୍ଥିତିକୁ ନେଇ ସମୀକ୍ଷା କରିଥିଲେ । ସାମ୍ପ୍ରତିକ ପରିସ୍ଥିତିରେ କୋଭିଡ ସଂକ୍ରମଣ ବଢୁଥିବାରୁ ସଂକ୍ରମିତମାନଂକୁ ଚିକିତ୍ସା ଯୋଗାଇ ଦେବା ନିମନ୍ତେ ଗତକାଲି ତାଳଚେର କୋଭିଡ ହସପିଟାଲକୁ ପୁଣି ଖୋଲାଯାଇ କାର୍ଯ୍ୟକ୍ଷମ କରାଯାଇଛି । ଆଜି ୩ ଜଣ କରୋନା ରୋଗୀଂକୁ ଏହି ହସିପିଟାଲରେ ଚିକିତ୍ସା ନିମନ୍ତେ ଭର୍ତ୍ତି କରାଯାଇଛି । କରୋନା ଆକ୍ରାନ୍ତଂକ ସଂଖ୍ୟା ବଢୁଥିବାରୁ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ନେବା ଆଣିବା ନିମନ୍ତେ ଛେଣ୍ଡିପଦା ଓ ବଅଁରପାଳ ବ୍ଲକକୁ ୨ଟି ବୋଲେରୋ ଗାଡି ଦିଆଯାଇଛି । କରୋନା ଅ ାକ୍ରାନ୍ତମାନଂକ ଚିକିତ୍ସା ନିମନ୍ତେ ପ୍ରତି ଡାକ୍ତରଖାନା ଓ କୋଭିଡ କେୟାର ସେଣ୍ଟରକୁ ଆବ ଶ୍ୟକ ଅକ୍ସିଜେନ୍ ସିଲିଣ୍ଡର ଯୋଗାଇ ଦେବାକୁ ଜିଲ୍ଲାପାଳ ପ ରାମର୍ଶ ଦେଇଛନ୍ତି । ଏହାଛଡା ସମ୍ପ୍ରତି କରୋନା ସଂକ୍ରମଣ ଦିନକୁ ଦିନ ବଢୁଥିବାରୁ ସଂକ୍ରମିତମାନଂକୁ ଚିକିତ୍ସା ସେବା ଯୋଗାଇ ଦେବା ନିମନ୍ତେ ଜିଲ୍ଲାରେ କାର୍ଯ୍ୟରତ ସ୍ୱାସ୍ଥ୍ୟ କର୍ମୀ, ଡାକ୍ତର ଓ ଅଧିକାରୀମାନେ ସଦର ମହକୁମା ଛାଡି ପାରିବେ ନାହିଁ ବୋଲି ଜିଲ୍ଲାପାଳ କଡା ନିର୍ଦ୍ଦେଶ ଦେଇଛନ୍ତି । ଏହି ସମୀକ୍ଷା ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ , ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡା.ଅଭୟ କୁମାର ଦାଶ ଓ ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି ପ୍ରମୁଖ ଉପସ୍ଥିତ ଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୮୯    ତା.୦୧.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ